# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
## 12 February – 2025

## ସନ୍ତାନ ଜନ୍ମ ସହାୟତା

ରାଜ୍ୟରେ ମମତା ଯୋଜନା ଏବଂ ପ୍ରଧାନମନ୍ତ୍ରୀ ମାତୃ ବନ୍ଦନା ଯୋଜନା ମିଳିତ ଭାବେ କାର୍ଯ୍ୟକାରୀ କରାଯିବ । ଏଥିରେ କନ୍ୟା ସନ୍ତାନ ଜନ୍ମ କ୍ଷେତ୍ରରେ ଗର୍ଭବତୀଙ୍କୁ ବର୍ଷକୁ ୧୨ ହଜାର ଟଙ୍କା, ପୁତ୍ର ସନ୍ତାନ ଜନ୍ମ କ୍ଷେତ୍ରରେ ୧୦ ହଜାର ଟଙ୍କା ପ୍ରଦାନ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ନିଷ୍ପତ୍ତି ଗ୍ରହଣ କରିଛନ୍ତି । ସର୍ବାଧିକ ୨ଟି ସନ୍ତାନ ଜନ୍ମ କ୍ଷେତ୍ରରେ ଏହି ସହାୟତା ମିଳିବ । ତେବେ ପୂର୍ବରୁ କନ୍ୟା ସନ୍ତାନ ଜନ୍ମ ପାଇଁ ୧୦ ହଜାର ଟଙ୍କା ଦିଆଯାଉଥିଲା । ରାଜ୍ୟରେ କନ୍ୟା ସନ୍ତାନ ଜନ୍ମକୁ ପ୍ରୋତ୍ସାହିତ କରିବା ପାଇଁ ସରକାରଙ୍କ ପକ୍ଷରୁ ଏହି ନିଷ୍ପତ୍ତି ଗ୍ରହଣ କରାଯାଇଛି ।

## ଐତିହ୍ୟ ବିଦ୍ୟାଳୟ-ମୁଖ୍ୟମନ୍ତ୍ରୀ

ରାଜ୍ୟରେ ନବମ ଓ ଦଶମ ଶ୍ରେଣୀ ଛାତ୍ରଛାତ୍ରୀଙ୍କୁ ମଧ୍ୟାହ୍ନ ଭୋଜନ ଦିଆଯିବା ନେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘୋଷଣା କରିଛନ୍ତି । କଟକ ଜବାହରଲାଲ ନେହେରୁ ଇନ୍‌ଡୋର ଷ୍ଟାଡିୟମଠାରେ ରାଣୀହାଟ ଉଚ୍ଚବିଦ୍ୟାଳୟର ଶତବାର୍ଷିକୀ ଉତ୍ସବରେ ଯୋଗଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି

:

**V/O**

କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ରାଣୀହାଟ ଉଚ୍ଚ ବିଦ୍ୟାଳୟର ଭିତ୍ତିଭୂମି ବିକାଶ ଲାଗି ୬ କୋଟି ଟଙ୍କାର ଅନୁଦାନ ଘୋଷଣା କରିଛନ୍ତି । ଶିକ୍ଷା ବ୍ୟବସ୍ଥାକୁ ସୁଦୃଢ଼ କରିବା ଲାଗି ଶିକ୍ଷକ ନିଯୁକ୍ତିଠାରୁ ଆରମ୍ଭ କରି ଦୃଢ଼ ଶୈକ୍ଷିକ ବାତାବରଣ ସୃଷ୍ଟି କରିବା ପାଇଁ ସରକାର ପଦକ୍ଷେପ ନେଉଛନ୍ତି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

## ପ୍ରାକ୍ ବିବାହ ପରାମର୍ଶ କେନ୍ଦ୍ର

ଅନ୍ତର୍ଜାତୀୟ ମହିଳା ଦିବସ ମାର୍ଚ୍ଚ ୮ ତାରିଖରେ ଓଡ଼ିଶା ସମେତ ଦେଶର ବିଭିନ୍ନ ସ୍ଥାନରେ ମହିଳାମାନଙ୍କ ପାଇଁ ପ୍ରାକ୍ ବିବାହ ପରାମର୍ଶ କେନ୍ଦ୍ର ପ୍ରତିଷ୍ଠା ହେବ । ଓଡ଼ିଶା ଗସ୍ତରେ ଆସିଥିବା ଜାତୀୟ ମହିଳା କମିଶନ ଅଧ୍ୟକ୍ଷା ବିଜୟା ରାହତକର ଭୁବନେଶ୍ୱର ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସହ ସାକ୍ଷାତ କରି ଏ ସଂପର୍କରେ ଆଲୋଚନା କରିଛନ୍ତି । ମହିଳାଙ୍କ ପାଇଁ ସ୍ୱତନ୍ତ୍ର ଗ୍ରାମସଭା, ବାଲ୍ୟବିବାହ, ମହିଳାଙ୍କ ପ୍ରତି ହିଂସାକୁ ରୋକିବା ଏବଂ କାର୍ଯ୍ୟକ୍ଷେତ୍ରରେ ମହିଳାଙ୍କ ପ୍ରତି ଯୌନ ନିର୍ଯାତନାକୁ ନେଇ ଦୃଢ଼ କାର୍ଯ୍ୟାନୁଷ୍ଠାନ ଉପରେ ଆଲୋଚନା ହୋଇଥିଲା ।

## ସର୍ବଦଳୀୟ ବୈଠକ

ସପ୍ତଦଶ ବିଧାନସଭାର ବଜେଟ୍ ଅଧିବେଶନ ଆସନ୍ତାକାଲିଠାରୁ ଆରମ୍ଭ ହେବ। ଏହା ପୂର୍ବରୁ ଆଜି ସର୍ବଦଳୀୟ ବୈଠକ ଅନୁଷ୍ଠିତ ହେବ। ଗୃହକୁ ସୁରୁଖୁରୁରେ ପରିଚାଳନା ପାଇଁ ବୈଠକରେ ବାଚସ୍ପତି ସୁରମା ପାଢ଼ୀ ବିଭିନ୍ନ ରାଜନୈତିକ ଦଳର ପ୍ରତିନିଧିଙ୍କ ସହ ଆଲୋଚନା କରିବେ। ୧୭ ତାରିଖରେ

୨୦୨୫-୨୬ ଆର୍ଥିକବର୍ଷ ପାଇଁ ପୂର୍ଣ୍ଣାଙ୍ଗ ବଜେଟ୍ ଉପସ୍ଥାପନ କରାଯିବ। ଏହି ଅଧିବେଶନରେ ୨୮ଟି କାର୍ଯ୍ୟଦିବସ ରହିଛି।

## ଆୟୁଷ୍ମାନ ଭାରତ

ରାଜ୍ୟରେ ଖୁବ୍‌ଶୀଘ୍ର ଆୟୁଷ୍ମାନ ଭାରତ ଏବଂ ଗୋପବନ୍ଧୁ ଜନ ଆରୋଗ୍ୟ ଯୋଜନା କାର୍ଯ୍ୟକାରୀ ହେବ। ଏଥିପାଇଁ ସମସ୍ତ ପ୍ରକ୍ରିୟା ଶେଷ ହୋଇଛି ବୋଲି ସ୍ୱାସ୍ଥ୍ୟମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ କହିଛନ୍ତି । ମନ୍ତ୍ରୀ କହିଛନ୍ତି, ସରକାର ଧାର୍ଯ୍ୟ କରିଥିବା ଅବଧି ଭିତରେ ଏହି ଯୋଜନା ଲାଗୁ କରାଯିବ । ଏଥିଲାଗି ହିତାଧିକାରୀଙ୍କୁ କାର୍ଡ ବଣ୍ଟନ କରାଯିବ । ପ୍ରଥମ ପର୍ଯ୍ୟାୟରେ ସାଢ଼େ ୩ କୋଟି ଲୋକଙ୍କୁ ଯୋଜନାରେ ସାମିଲ କରାଯିବ ବୋଲି ମନ୍ତ୍ରୀ କହିଛନ୍ତି ।

## ଜରୁରୀ ସ୍ୱାସ୍ଥ୍ୟସେବା

ରାଜ୍ୟରେ "ଏକସ୍ୱାସ୍ଥ୍ୟ" କାର୍ଯ୍ୟକ୍ରମ ମାଧ୍ୟମରେ ଜରୁରୀକାଳୀନ ସ୍ୱାସ୍ଥ୍ୟସେବା ଅପରେସନ୍ କେନ୍ଦ୍ର ପ୍ରତିଷ୍ଠା ହେବ । ଏ ନେଇ ଭୁବନେଶ୍ୱର ଲୋକସେବା ଭବନରେ ପୂର୍ବରୁ କେନ୍ଦ୍ର ସରକାରଙ୍କ ସହ ସ୍ୱାକ୍ଷରିତ ହୋଇଥିବା ବୁଝାମଣାପତ୍ରକୁ ସ୍ୱାସ୍ଥ୍ୟମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ ଉନ୍ମୋଚନ କରିଛନ୍ତି । ଏହି ପରିପ୍ରେକ୍ଷୀରେ ମନ୍ତ୍ରୀ କହିଛନ୍ତି, 'ଏକ ସ୍ୱାସ୍ଥ୍ୟ' କାର୍ଯ୍ୟକ୍ରମରେ ମାନବ, ପଶୁ ଏବଂ ପରିବେଶ ସ୍ୱାସ୍ଥ୍ୟ ଉପରେ ଗୁରୁତ୍ୱ ଦିଆଯିବ । ସମ୍ଭାବ୍ୟ ଜରୁରୀକାଳୀନ ଜନସ୍ୱାସ୍ଥ୍ୟ ପରିସ୍ଥିତି ପାଇଁ ପ୍ରାକ୍ ପ୍ରସ୍ତୁତି ଓ ପ୍ରତିକ୍ରିୟା କ୍ଷମତାକୁ ବୃଦ୍ଧି କରିବା ଲାଗି ପଦକ୍ଷେପ ନିଆଯିବ ବୋଲି ଶ୍ରୀ ମହାଲିଙ୍ଗ କହିଛନ୍ତି ।

## ଶ୍ରୀଜୀଉଙ୍କ ବେଶ

ପୁରୀ ଶ୍ରୀମନ୍ଦିରରେ ମାଘ ପୂର୍ଣ୍ଣିମା ଅବସରରେ ଆଜି ଶ୍ରୀଜୀଉଙ୍କ ଗଜ ଉଦ୍ଧାରଣ ବେଶ ଅନୁଷ୍ଠିତ ହେବ । ମଧ୍ୟାହ୍ନ ଧୂପ ଶେଷ ହେବା ପରେ ରତ୍ନସିଂହାସନ ଉପରେ ମହାପ୍ରଭୁଙ୍କ ବେଶ ହେବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ କୁହାଯାଇଛି ।

ମାଘ ପୂର୍ଣ୍ଣମୀକୁ ଆଜି ରାଜ୍ୟର ବିଭିନ୍ନ ସ୍ଥାନରେ ଅଗିରା ପୂର୍ଣ୍ଣମୀ ଭାବେ ପାଳନ କରାଯାଉଛି । ଆଜିର ଦିନରେ ଅଗ୍ନିଦେବତାଙ୍କ ପୂଜା କରିବାର ବିଧି ରହିଛି ।

---

## ମାଘମେଳା

ଉତ୍ତରପ୍ରଦେଶର ପ୍ରୟାଗରାଜରେ ଚାଲିଥିବା ମହାକୁମ୍ଭ ମେଳାରେ ଆଜି ତ୍ରିବେଣୀ ସଂଗମରେ ମାଘ ପୂର୍ଣ୍ଣିମା ଅବସରରେ ପଞ୍ଚମ ଅମୃତସ୍ନାନ ଆରମ୍ଭ ହୋଇଛି । ଏହି ଉପଲକ୍ଷେ ୪ କୋଟିରୁ ଊର୍ଦ୍ଧ୍ୱ ଶ୍ରଦ୍ଧାଳୁଙ୍କ ସମାଗମ ହେବା ନେଇ ପ୍ରଶାସନ ପକ୍ଷରୁ ଆକଳନ କରାଯାଇଛି ।

## ଜେଇଇ

ଜେଇଇ ମେନ୍-୨୦୨୫ ପ୍ରଥମ ପର୍ଯ୍ୟାୟ ପରୀକ୍ଷା ଫଳ ପ୍ରକାଶ ପାଇଛି । ପରୀକ୍ଷାରେ ନବନୀତ ପ୍ରିୟଦର୍ଶୀ ରାଜ୍ୟ ଟପ୍ପର ହୋଇଛନ୍ତି । ଚଳିତବର୍ଷ ୧୨ ଲକ୍ଷ ୫୮ ହଜାର ୧୩୬ ଜଣ ଛାତ୍ରଛାତ୍ରୀ ଏହି ପରୀକ୍ଷା ଦେଇଥିଲେ ।

---

## ଜାତୀୟ କ୍ରୀଡ଼ା

ଉତ୍ତରାଖଣ୍ଡରେ ଚାଲିଥିବା ୨୮ତମ ଜାତୀୟ କ୍ରୀଡ଼ା ପ୍ରତିଯୋଗିତାରେ ଓଡ଼ିଶାର ଅନିମେଶ କୁଜୁର ୨୦୦ମିଟର ଦୌଡ଼ରେ ସ୍ୱର୍ଣ୍ଣ ପଦକ ଜିତିଛନ୍ତି । ଚଳିତ ଜାତୀୟ କ୍ରୀଡ଼ା ପ୍ରତିଯୋଗିତାରେ ଏହା ତାଙ୍କର ତୃତୀୟ ସ୍ୱର୍ଣ୍ଣ ପଦକ । ସେହିଭଳି ମହିଳା କାନୋଇଙ୍ଗ୍‌ରେ ରଶ୍ମିତା ସାହୁ କାଂସ୍ୟ ପଦକ ଜିତିଛନ୍ତି । ପ୍ରତିଯୋଗିତାରେ ଓଡ଼ିଶା ୧୦ଟି ସ୍ୱର୍ଣ୍ଣ, ୧୨ଟି ରୌପ୍ୟ ଓ ୧୩ଟି କାଂସ୍ୟ ପଦକ ସହ ମୋଟ୍ ୩୫ଟି ପଦକ ହାସଲ କରିଛି ।

---

## ପାଣିପାଗ

ରାଜ୍ୟରେ ଆସନ୍ତା ଦୁଇଦିନ ପରେ ସର୍ବନିମ୍ନ ତାପମାତ୍ରା ୨ରୁ ୪ ଡିଗ୍ରୀ ସେଲ୍‌ସିୟସ୍ ହ୍ରାସ ହେବା ସହ ଶୀତ ବୃଦ୍ଧି ପାଇବ ବୋଲି ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି । ଗତକାଲି ଜି.ଉଦୟଗିରିଠାରେ ରାତିର ସର୍ବନିମ୍ନ ତାପମାତ୍ରା ୯ ଦଶମିକ ୮ ଡିଗ୍ରୀ ସେଲ୍‌ସିୟସ ରେକର୍ଡ ହୋଇଥିଲା । ଅପରପକ୍ଷରେ ଗତକାଲି ରାଜ୍ୟର ୮ଟି ସ୍ଥାନର ଦିନର ସର୍ବୋଚ୍ଚ ତାପମାତ୍ରା ୩୫ ଡିଗ୍ରୀ ଉପରେ ରହିଥିବା ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ମିଳିଛି ।

---